भाकृअनुप – राष्ट्रीय चावल अनुसंधान संस्थान

ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬

(An ISO 9001: 2015 Certified Institute)


# କୃଷି ସୂଚନା ସେବା (ଧାନ)

## ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରାଳୟ (ରାଜ୍ୟ ତଥା କେନ୍ଦ୍ର ସରକାର) ଦ୍ୱାରା ସୂଚିତ କୋଭିଡ୍-୧୯ ର ସମସ୍ତ ନିୟମାବଳୀ ଓ ସାଧାରଣ ସତର୍କତା ବ୍ୟବସ୍ଥା ଅନୁଯାୟୀ କୃଷି କାର୍ଯ୍ୟ କରିବା ପାଇଁ ପରାମର୍ଶ

### ୨୦୨୧ ମସିହା ଡିସେମ୍ବର ମାସ ପ୍ରଥମ ପକ୍ଷ ପାଇଁ କାର୍ଯ୍ୟପନ୍ଥା

- କ୍ଷେତରେ ଶତକଡା ୮୦-୮୫ ଭାଗ ଧାନ କେଣ୍ଡାରେ ପାଚିଗଲା ପରେ ଧାନକୁ ଦାଆ କିମ୍ବା କମ୍ବାଇନ୍ ହାର୍ଭେଷ୍ଟର କିମ୍ବା ରିପର ଦ୍ୱାରା କାଟି ଅମଳ କରିଦିଅନ୍ତୁ । ଅମଳ ପରେ ଧାନକୁ ଭଲଭାବେ ଖରାରେ ଶୁଖାଇ ବିହନ ପାଇଁ ୧୨ ଶତକଡ଼ା ଆର୍ଦ୍ରତା ଓ ଖାଦ୍ୟ ଉପଯୋଗୀ ପାଇଁ ୧୪ ଶତକଡ଼ା ଆର୍ଦ୍ରତାରେ ସାଇତି ରଖନ୍ତୁ ।

- ଅମଳ କରିଥିବା ଧାନ କିସମ ଅନୁସାରେ ଅଲଗା ଅଲଗା କରି ବଜାରରେ ମିଳୁଥିବା ସୁପରଗ୍ରେନ୍ ବସ୍ତାରେ ଭର୍ତ୍ତି କରି ସୁରକ୍ଷିତ ଜାଗାରେ ଭଲଭାବେ ଘୋଡେଇ ରଖନ୍ତୁ ଯେପରିକି ବର୍ଷାଦ୍ୱାରା କିଛି କ୍ଷତି ନ ହୁଏ ।

- ଧାନ ସାଇତି ରଖିଥିବା ବସ୍ତା ବା କୋଠାରୀରେ ପୋକ ଦେଖାଦେଲେ ଆଲୁମିନିୟମ୍ ଫସ୍‌ଫାଇଡ୍ ଟାବ୍‌ଲେଟ୍ ଏକ ଟନ୍ ଧାନ ପିଛା ୩ଟି ଟାବ୍‌ଲେଟ୍ (ସମୁଦାୟ ୯ ଗ୍ରାମ୍ ଟାବ୍‌ଲେଟ୍) କନାରେ ଗୁଡାଇ ରଖନ୍ତୁ । ଏହା ଉପରେ ଭଲଭାବେ ତାରପୋଲିନ୍ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କାଜାଗା ନ ରୁହେ । ଯଦି କୋଠରୀର ସନ୍ଧି ଜାଗା କିମ୍ବା କବାଟ ତଳ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟେପ୍ ଦେଇ ଭଲରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠାରୀ ବା ବସ୍ତାର ମୁହଁ ଭଲଭାବରେ ବନ୍ଦ ରଖନ୍ତୁ । ଲୋକ ଚଳପ୍ରଚଳ କରୁଥିବା ଜାଗାରେଏଭଳି ଔଷଧ ପ୍ରୟୋଗ କରନ୍ତୁ ନାହିଁ ।

- ଯଦି କେଣ୍ଡାକଟା ସଂବାଳୁଆ ପୋକ ଦେଖାଯାଏ, ତେବେ ଏକର ପ୍ରତି ୪୦୦ ମି.ଲି. କୁଇନାଲଫସ୍ ୨୫ ଇ.ସି. କିମ୍ବା ୫୦୦ ମି.ଲି. କ୍ଲୋରୋପାଇରିଫସ୍ ୨୦ ଇ.ସି. ଧାନ ବୁଦା ମୂଳରେ ସକାଳ ସମୟରେ ସିଂଚନ କରନ୍ତୁ ।

- ଧାନ ଅମଳ ସମୟରେ ମୂଷା ମଧ କ୍ଷତି ଘଟାଇପାରେ । ମୂଷାକୁ ନିୟନ୍ତ୍ରଣ କରିବା ପାଇଁ ମୂଷା ଗାତକୁ ଚିହ୍ନଟ କରି ତା ଉପରେ କାଦୁଅ ଲିପି ଗାତ ବନ୍ଦ କରିଦିଅନ୍ତୁ । ତା ପରଦିନ ଯେଉଁ ଗାତ ମୁହଁ ଖୋଲାଥିବ ସେ ଗାତରେ ଆଲୁମିନିୟମ୍ ଫସ୍‌ଫାଇଡ୍ ୬% ବଟିକା (ଗୋଟେ ବଟିକା ୧୨ ଗ୍ରାମ) କନାରେ ବାନ୍ଧି ଗାତପିଛା ଗୋଟିଏ ରଖି ଗାତମୁହଁକୁ କାଦୁଅରେ ବନ୍ଦ କରିଦିଅନ୍ତୁ ।

- ଜଳସେଚତି ମଧ୍ୟମ କିମ୍ବା ସ୍ୱଳ୍ପ ଖାଲୁଆ ଜମିରେ ମୁଗ, ଝୁଡଙ୍ଗ ଇତ୍ୟାଦି କମ୍ ଦିନିଆ ରବି ଫସଲ ହିସାବରେ ଚାଷ କରନ୍ତୁ । ଆବଶ୍ୟକତା ଅନୁଯାୟୀ ୧ ରୁ ୨ ଥର ଜଳସେଚନ କରନ୍ତୁ ।

- ବର୍ଷାଶ୍ରୀତ ସ୍ୱଳ୍ପ ଖାଲୁଆ ଜମି ଯେଉଁଠାରେ ଜଳସେଚନର ସୁବିଧା ନାହିଁ, ବିଭିନ୍ନ ଫସଲ ଯଥା ଖେସାରୀ, ମଟର ଏବଂ ପେସି ଇତ୍ୟାଦି ପାଇରା ଫସଲ ହିସାବରେ ମାଟିର ବତର ଦେଖି ଧାନ କାଟିବାର ୧୦- ୧୫ ଦିନ ପୂର୍ବରୁ ବୁଣନ୍ତୁ ।

- ଡାଲୁଅ ଧାନ କରିବା ପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସି.ଆର.ଧାନ ୬୦୧, ଆଇ.ଆର. ୬୪, ଚନ୍ଦନ, ଲଲାଟ, ଉନ୍ନତ ଲଲାଟ, ନବୀନ, ସି.ଆର.ଧାନ ୩୧୧, ସି.ଆର.ଧାନ ୩୧୦, ଖଣ୍ଡଗିରି, ବୀଣାଧାନ ୧୧, ସି.ଆର.ଧାନ ୨୦୫, ସି.ଆର.ଧାନ ୨୦୬, ଏମ୍.ଟି.ୟୁ ୧୦୧୦, ଲୁଣାସଂଖୀ (ଲୁଣା ଜମି ପାଇଁ) ବ୍ୟବହାର କରନ୍ତୁ । କାଦୁଆ ବୁଣା ଧାନ ପାଇଁ ନବୀନ, ଶତାବ୍ଦୀ, ଉନ୍ନତ ଲଲାଟ ଏବଂ ସି.ଆର.ଧାନ ୨୦୩ ଇତ୍ୟାଦି ଧାନ କିସମ ବ୍ୟବହାର କରନ୍ତୁ ।
- ଡାଲୁଅ ଧାନ ଚାଷ ନିମନ୍ତେ ତଳିଘେରା ପ୍ରସ୍ତୁତ କରନ୍ତୁ ।
- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବାକୁ ଚାହୁଁଥିଲେ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (riceXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

**ସମ୍ଭାବ୍ୟ ବାତ୍ୟା "ଜୱାଦ"ର ମୁକାବିଲା ପାଇଁ ଜରୁରୀକାଳୀନ କୃଷି ସୂଚନା :**

ଭାରତୀୟ ପାଣିପାଗ ବିଜ୍ଞାନ କେନ୍ଦ୍ର ଦ୍ୱାରା ଜାରି ହୋଇଥିବା ସମ୍ଭାବ୍ୟ ବାତ୍ୟା ଦ୍ୱାରା ପ୍ରବଳ ବର୍ଷା ହେବାର ସମ୍ଭାବନା ଅଛି । ଗଜପତି, ଗଞ୍ଜାମ, ପୁରୀ ଏବଂ ଜଗତସିଂହପୁର ଜିଲ୍ଲାମାନଙ୍କରେ ଡିସେମ୍ବର ମାସ ୩ ତାରିଖ ପାଇଁ ହଳଦିଆ ସତର୍କ ସୂଚନା ଏବଂ ଗଜପତି, ଗଞ୍ଜାମ, ପୁରୀ, ଖୋର୍ଦ୍ଧା, ନୟାଗଡ, ଜଗତସିଂହପୁର, କେନ୍ଦ୍ରାପଡା, କଟକ, ଭଦ୍ରକ, ବାଲେଶ୍ୱର ଏବଂ ଯାଜପୁର ଜିଲ୍ଲାମାନଙ୍କରେ ଡିସେମ୍ବର ମାସ ୪ ତାରିଖ ପାଇଁ ନାରଙ୍ଗି ସତର୍କ ସୂଚନା ଦିଆଯାଇଅଛି ।

- ଅମଳ କରିଥିବା ଧାନ ସୁରକ୍ଷିତ ଜାଗାରେ ଭଲଭାବେ ଘୋଡେଇ ରଖନ୍ତୁ ଯେପରିକି ବର୍ଷାଦ୍ୱାରା କିଛି କ୍ଷତି ନ ହୁଏ ।
- କଟାଯାଇଥିବା ଧାନ ବିଡାଗୁଡିକୁ ସୁରକ୍ଷିତ ଜାଗାକୁ ସ୍ଥାନାନ୍ତରିତ କରି ପଲିଥିନ୍ କିମ୍ବା ତାରପୋଲିନ୍ ଦ୍ୱାରା ଭଲଭାବରେ ଘୋଡେଇ ରଖନ୍ତୁ ।
- ସୁବିଧା ଅନୁଯାୟୀ ଅନବଶ୍ୟକୀୟ ଜଳ ଧାନ କ୍ଷେତରୁ ନିଷ୍କାସିତ କରିଦିଅନ୍ତୁ ।
- ଧାନ କେଣ୍ଡାରେ ପାଚିଗଲା ପରେ ଧାନକୁ ଦାଆ କିମ୍ବା କମ୍ବାଇନ୍ ହାର୍ଭେଷ୍ଟର କିମ୍ବା ରିପର ଦ୍ୱାରା ବର୍ଷା ଛାଡିବା ପରେ କାଟି ଅମଳ କରିଦିଅନ୍ତୁ ।
- ଅମଳ ପରେ ଧାନକୁ ଭଲଭାବେ ଖରାରେ ଶୁଖାଇ ବିହନ ପାଇଁ ୧୨ ଶତକଡ଼ା ଆର୍ଦ୍ରତା ଓ ଖାଦ୍ୟ ଉପଯୋଗୀ ପାଇଁ ୧୪ ଶତକଡ଼ା ଆର୍ଦ୍ରତାରେ ସାଇତି ରଖନ୍ତୁ ।
- ଧାନ ସାଇତି ରଖିଥିବା ବସ୍ତା ବା କୋଠାରୀରେ ପୋକ ଦେଖାଦେଲେ ଆଲୁମିନିୟମ୍ ଫସ୍‌ଫାଇଡ୍ ଟାବ୍‌ଲେଟ୍ ଏକ ଟନ୍ ଧାନ ପିଛା ୩ଟି ଟାବ୍‌ଲେଟ୍ (ସମୁଦାୟ ୯ ଗ୍ରାମ୍ ଟାବ୍‌ଲେଟ୍) କନାରେ ଗୁଡାଇ ରଖନ୍ତୁ । ଏହା ଉପରେ ଭଲଭାବେ ତାରପୋଲିନ୍ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କାଜାଗା ନ ରୁହେ । ଯଦି କୋଠରୀର ସନ୍ଧି ଜାଗା କିମ୍ବା କବାଟ ତଳ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟେପ୍ ଦେଇ ଭଲରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠାରୀ ବା ବସ୍ତାର ମୁହଁ ଭଲଭାବରେ ବନ୍ଦ ରଖନ୍ତୁ । ଲୋକ ଚଳପ୍ରଚଳ କରୁଥିବା ଜାଗାରେଏଭଳି ଔଷଧ ପ୍ରୟୋଗ କରନ୍ତୁ ନାହିଁ ।

*****